ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୭୭ ଜଣ କରୋନା ପଜିଟିଭ ଚିହ୍ନଟ - ପଜିଟିଭ ସଂଖ୍ୟା ୩୨୨୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୧ ଜଣ ।

ଅନୁଗୋଳ,ତା. ୨୩.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୭୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୬୪ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ସର୍ବାଧିକ ୫୯ ଜଣ ( ୪୩ଜଣ ପୁରୁଷ ଓ ୧୬ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୭ ଜଣ ( ୨୦ଜଣ ପୁରୁଷ ଓ ୭ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୬ ଜଣ ( ୧୮ଜଣ ପୁରୁଷ ଓ ୮ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ ଜଣ ( ୧୯ଜଣ ପୁରୁଷ ଓ ୫ ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୧୮ ଜଣ (୧୨ ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୩ ଜଣ (୧୩ ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୪ ଜଣ ( ୧ଜଣ ପୁରୁଷ ଓ ୩ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ ଜଣ( ୨ଜଣ ପୁରୁଷ ଓ ୧ ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ ଜଣ (୧ ଜଣ ପୁରୁଷ ଓ ୨ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୧ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩୪ ଜଣ କୋଭିଡ ହସପିଟାଲରୁ ଓ ୧୦୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୬ ତା.୨୩.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ